ପାଠ - ୬

# ହାତୀ ମାନିଲା ଏଣ୍ଡୁଅ କଥା



ହାତୀ ଆସୁଥିଲା ଶୁଣ୍ଢ ହଲାଇ
ମେଣ୍ଢାପଲ ଦେଖି ଗଲେ ପଳାଇ
ନଈରେ ପଶିଲା ହାତୀ,
ଶୁଣ୍ଢରେ ତାହାର ପିଚିକାରୀ ମାରି
ପାଣିଖେଳେ ଗଲା ମାତି ।



ହାତୀର ଖେଳକୁ ଏଣ୍ଡୁଅ ଦେଖି
କହିଲା ତାହାକୁ ତରାଟି ଆଖି
ଅସନା କରୁଛ ପାଣି,
ଜୀବନ ପାଇଁକି ବିପଦକୁ ତୁ
ଡାକୁଅଛ ଜାଣି ଜାଣି ।

ଶୁଣ୍ଢକୁ ଉଠାଇ ମୁଣ୍ଡ ହଲାଇ
ହାତୀ ପଚାରିଲା ଏଣ୍ଡୁଅଭାଇ
କହିଲ କହିଲ ମୋତେ,
ଜୀବନପାଇଁ ମୁଁ କେଉଁ ବିପଦକୁ
ଡାକି ଆଣୁଅଛି ସତେ ?

Scanned with CamScanner



ଏଣ୍ଡୁଅ କହିଲା, ହେ ହାତୀଭାଇ
ମୁଣ୍ଡରେ କି ତୁମ ଅକଲ ନାହିଁ ?
ଦୂଷିତ ହୋଇଲେ ଜଳ,
ଜ୍ୱର, ଝାଡ଼ା, କାଛୁ କୁଷ୍ଠିଆ ରୋଗରେ
ଲୋକେ ହେବେ କଲବଲ ।

ମୁଣ୍ଡକୁ ହଲାଇ କହିଲା ହାତୀ,
ଏଣ୍ଡୁଅଭାଇ ତୁ ମୋହର ସାଥୀ
ମାନୁଛି ତୋହର କଥା,
ସାନ ଦେହ ସିନା ବଡ଼ବଡ଼ କଥା
ଯାଇଟିଛି ତୋର ମଥା ।

Scanned with CamScanner

# ଗୃହକାର୍ଯ୍ୟ

1 ଝୁଣ୍ଡ
2 ମେଣ୍ଢାଘର
3 ଷଣ୍ଢୁଥ
4 ଘୁଣ୍ଡିଧୁ
5 ଗୁଣ୍ଡ
6 ଷଣ୍ଢୁଥଭାଲ
7 ଷଣ୍ଢୁଥ
8 କୁଣ୍ଡିଥା
9 ଷଣ୍ଢୁଥଭାଲ

Scanned with CamScanner